## ରାଜ୍ୟକୁ ଅଗ୍ରିମ ୫୦୦ କୋଟି ସହାୟତା

# ଓଡ଼ିଶାକୁ ଶକ୍ତିଶାଳୀ କରିବା ପାଇଁ ମୋଦୀ ସରକାର ପ୍ରତିଶ୍ରୁତିବଦ୍ଧ

ନୂଆଦିଲ୍ଲୀ,ଭୁବନେଶ୍ୱର, ୨୨।୫/ଏନ୍ଏନ୍ଏସ୍: ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଓଡ଼ିଶା ଗସ୍ତରେ ଆସି ଆକାଶମାର୍ଗରୁ ବାତ୍ୟା ଅମ୍ଫନ ଦ୍ୱାରା ପାଖାପାଖି ୨ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ପ୍ରଭାବିତ ଅଞ୍ଚଳ ବୁଲି ଦେଖିବା ପରେ ଭୁବନେଶ୍ୱର ଏୟାରପୋର୍ଟ ଠାରେ ବାତ୍ୟା କ୍ଷୟକ୍ଷତିର ସମୀକ୍ଷା କରିଛନ୍ତି। ସମୀକ୍ଷା ବୈଠକରେ ପ୍ରଧାନମନ୍ତ୍ରୀ ବାତ୍ୟା କ୍ଷୟକ୍ଷତିର ପ୍ରାରମ୍ଭିକ ପର୍ଯ୍ୟାୟରେ ଓଡ଼ିଶା ପାଇଁ ଅଗ୍ରିମ ୫୦୦ କୋଟି ଟଙ୍କା ସହାୟତା ରାଶି ଘୋଷଣା କରିଥିବା ବେଳେ ଏଥିପାଇଁ ପ୍ରଧାନମନ୍ତ୍ରୀଙ୍କୁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଧନ୍ୟବାଦ ଜଣାଇଛନ୍ତି। ଏହି ଅର୍ଥ ରାଜ୍ୟ ସରକାରଙ୍କୁ ବାତ୍ୟା ପ୍ରଭାବିତ ଅଞ୍ଚଳରେ ରିଲିଫ୍ ଓ ପୁନଃଉଦ୍ଧାର କାର୍ଯ୍ୟକୁ ଆହୁରି ତ୍ୱରାନ୍ୱିତ କରିବ ବୋଲି ଶ୍ରୀ ପ୍ରଧାନ କହିଛନ୍ତି। ଶ୍ରୀ ପ୍ରଧାନ କହିଛନ୍ତି ଯେ ବାତ୍ୟାରେ ମୃତକଙ୍କ ପରିବାରକୁ ୨ ଲକ୍ଷ ଟଙ୍କାର ସହାୟତା ଘୋଷଣା କରାଯାଇଥିବା ବେଳେ ଗୁରୁତର ଆହତଙ୍କ ପାଇଁ ୫୦ ହଜାର ଟଙ୍କାର ସହାୟତା ଘୋଷଣା କରାଯାଇଛି। ଅପରପକ୍ଷରେ ଓଡିଶାରେ କ୍ଷୟକ୍ଷତିର ଆକଳନ ପାଇଁ କେନ୍ଦ୍ରୀୟ ଟିମ୍ ଆସିବେ। ବିସ୍ତୃତ ସର୍ବେକ୍ଷଣ କରାଯିବା ପରେ ଅମ୍ଫନ ପରବର୍ତ୍ତୀ ବ୍ୟବସ୍ଥା କରିବା ପାଇଁ ଭାରତ ସରକାର ଓଡ଼ିଶା ସରକାରଙ୍କୁ ସହଯୋଗ କରିବେ ଏବଂ ଏହି ସଙ୍କଟରୁ ବାହାରିବା ପାଇଁ ପୂର୍ଣ୍ଣାଙ୍ଗ ଯୋଜନା ପ୍ରସ୍ତୁତ କରିବେ।

ଅତୀତରେ ମୋଦୀ ସରକାର ବିଶେଷଭାବରେ ବିପଦ ସମୟରେ କାନ୍ଧକୁ



କାନ୍ଧ ମିଶାଇ ଓଡ଼ିଶାବାସୀଙ୍କ ସହ ସର୍ବଦା ଛିଡ଼ା ହୋଇଛନ୍ତି। ଆମ ଓଡ଼ିଆ ଲୋକମାନେ ସର୍ବଦା ନିର୍ଭୀକ ଭାବରେ ବିପଦକୁ ସମ୍ମୁଖୀନ କରୁଛନ୍ତି ଓ ଏଭଳି ସଙ୍କଟକୁ ଦୂର କରିବା ପାଇଁ ଧୈର୍ଯ୍ୟ ଓ ସାହସର ସାମ୍ନା କରୁଛନ୍ତି ବୋଲି ସେ କହିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱାଧୀନ କେନ୍ଦ୍ର ସରକାର ଓଡ଼ିଶାକୁ ଅଧିକ ଶକ୍ତିଶାଳୀ କରିବା ପାଇଁ ରାଜ୍ୟର ପୁନଃଉଦ୍ଧାର ଓ ପୁନଃଗଠନ ସହିତ ଜଡ଼ିତ ସମସ୍ତ ଦିଗରେ ସମାଧାନ କରିବା ପାଇଁ ପ୍ରତିଶ୍ରୁତିବଦ୍ଧ ବୋଲି ଶ୍ରୀ ପ୍ରଧାନ କହିଛନ୍ତି। ପ୍ରଧାନମନ୍ତ୍ରୀ ଆକାଶମାର୍ଗରୁ ଓଡ଼ିଶାର ଅମ୍ଫନ ବାତ୍ୟା ଦ୍ୱାରା ପ୍ରଭାବିତ ଜିଲ୍ଲାଗୁଡ଼ିକର ସ୍ଥିତି ଅନୁଧାନ କରିଥିବା ବେଳେ ଏଥିରେ ଓଡ଼ିଶାର ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲ, ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏବଂ କେନ୍ଦ୍ରମନ୍ତ୍ରୀ ପ୍ରତାପ ଷଡ଼ଙ୍ଗୀ ମଧ୍ୟ ସାମିଲ ହୋଇଥିବାରୁ ଶ୍ରୀ ପ୍ରଧାନ ସେମାନଙ୍କୁ କୃତଜ୍ଞତା ଜଣାଇଛନ୍ତି।